ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୨୩.୦୫:- ଆଜି ପୂର୍ବାହ୍ନରେ ତାଳଚେର ପଞ୍ଚାୟତ ସମିତି ସଭାଗୃହ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୧୨୫ଟି ଅଭିଯୋଗରୁ ୧୦୧ଟି ବ୍ୟକ୍ତିଗତ ଓ ୨୪ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦିଆଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଶିକ୍ଷା, ରାସ୍ତା ଘାଟ,ପାନୀୟ ଜଳଯୋଗାଣ ଓ ସ୍ୱାସ୍ଥ୍ୟ ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ତାଳଚେର ଉପଜିଲ୍ଲାପାଳ ଶ୍ରୀ ବିଶ୍ୱ ରଞ୍ଜନ ରଥ, ତାଳଚେର ଉପଖଣ୍ଡ ପୋଲିସ ଅଧିକାରୀ ସ୍ୱାତୀ ଏସ୍ କୁମାରଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା . ୩୧୦ ତା. ୨୩.୦୫. ୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୨୩/୫/୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,ଅନୁଗୋଳ ।

